The Odisha Gazette

EXTRAORDINARY
PUBLISHED BY AUTHORITY

No. 1965 CUTTACK, MONDAY, NOVEMBER 20, 2017/KARTIKA 29, 1939

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 12 ସେପ୍ଟେମ୍ବର 2017

ସଂଖ୍ୟା 30334—RDM-LAA-JAJ-0029/2017-R&DM.—ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ଯାଜପୁର ଜିଲ୍ଲାର ହରିଦାସପୁର ପାରାଦ୍ୱୀପ ନୂତନ ଓସାରିଆ ରେଳପଥ ନିର୍ମାଣ ନିମନ୍ତେ, ମୌଜା ହରିପୁର, ଥାନା ବଡଚଣା ନଂ. ୨୧୯, ତହସିଲ ଦର୍ପଣ, ଜିଲ୍ଲା ଯାଜପୁରରେ ନିମ୍ନ ତଫସିଲମତେ ପ୍ରାୟ 0.070 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 11(1)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ହରିଦାସପୁର-ପାରାଦ୍ୱୀପ ନୂତନ ଓସାରିଆ ରେଳପଥ ପ୍ରକଳ୍ପ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ଉପ ମୁଖ୍ୟ ଯନ୍ତ୍ରୀ (ନିର୍ମାଣ-୩), ପୂର୍ବତଟ ରେଳପଥ, ଭୁବନେଶ୍ୱର ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ରେଳପଥ ପ୍ରକଳ୍ପ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଓଡ଼ିଶା ସରକାର ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଘୋଷଣାନାମା ଚିଠି ସଂଖ୍ୟା ୨୪୨୦୮, ତା ୨୨ ଜୁଲାଇ ୨୦୧୭ରିଖ ପ୍ରକାରେ ଭୂମି ଅଧିଗ୍ରହଣ ନିମନ୍ତେ ୮(୨) ଧାରାରେ ଅନୁମୋଦନ ହୋଇଅଛି ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପଜିଲ୍ଲାପାଳ, ଯାଜପୁର ।

୬ । ଜମିର ବିବରଣୀ —

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| ଯାଜପୁର | ଦର୍ପଣ | ହରିପୁର | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୦.୧୪୦ ଏକର | ୦.୦୭୦ ଏକର | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା, ଭୂ-ଅର୍ଜନ ମହା ମଣ୍ଡଳ ଅଧିକାରୀ, ହରିଦାସପୁର-ପାରାଦ୍ୱୀପ ନୂତନ ଓସାରିଆ ରେଳପଥ ପ୍ରକଳ୍ପ ଯାଜପୁର, ନାନପୁରଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ଯାଜପୁର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 (ଷାଠିଏ) ଦିନ ମଧ୍ୟରେ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 15 ର ବ୍ୟବସ୍ଥା ଅନୁଯାୟୀ ଯାଜପୁର ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

**ଭୂମି ଅନୁସୂଚୀ**

| ଖାତା ନଂ. | ପ୍ଲଟ ନଂ. | ମୋଟ ରକବା | ଅଧିକୃତ ରକବା | ଜମିର କିସମ | ଖତିୟାନ ଦୃଷ୍ଟେ ଖାତାଦାରଙ୍କ ନାମ |
|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) |
| | | ଏକର | ଏକର | | |
| ୫୦୩ | ୩୦୧୬ | ୦.୧୪୦ | ୦.୦୭୦ | ପତିତ | ବୃନ୍ଦାବନ ସାମଲ, ନବକୃଷ୍ଣ ସାମଲ, ପି. ପ୍ରଭାକର ସାମଲ, ଜା. ମହାଲାୟକ, ସା. ନିଜଗାଁ । |
| | ମୋଟ | .. | ୦.୦୭୦ | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1293—173+20